The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 207 CUTTACK, MONDAY, JANUARY 25, 2016/MAGHA 5, 1937**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 12 ଜାନୁଆରୀ 2016

ସଂଖ୍ୟା 1031—RDM-LAA-MBJ-0011/2015-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ମୟୂରଭଞ୍ଜ ଜିଲ୍ଲାର ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ବେତନଟି ମାଇନର ଏବଂ ବିଷ୍ଣୁପୁର ସବ-ମାଇନର ନିମନ୍ତେ ମୌଜା ଆଗିରିଆ, ଥାନା ବଈଶିଙ୍ଗା ନଂ. ୨, ତହସିଲ ବେତନଟି, ଜିଲ୍ଲା ମୟୂରଭଞ୍ଜରେ ନିମ୍ନ ତଫସିଲମତେ ପ୍ରାୟ 0.18 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ;

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

1. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ—ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ବେତନଟି ମାଇନର ଏବଂ ବିଷ୍ଣୁପୁର ସବ-ମାଇନର ।

2. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ—ନିର୍ବାହୀ ଯନ୍ତ୍ରୀ, ବେତନଟି କେନାଲ ଡିଭିଜନ, ଲକ୍ଷ୍ମୀପୋଷି, ମୟୂରଭଞ୍ଜ ।

3. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ—ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପର କାର୍ଯ୍ୟକାରି କରିବା ।

4. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ—ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

5. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ—ଉପଜିଲ୍ଲାପାଳ, ମୟୂରଭଞ୍ଜ ।

6. ଜମିର ବିବରଣୀ—

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9) |
| ମୟୂରଭଞ୍ଜ | ବେତନଟି | ଆଗିରିଆ | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | 0.44 ଏକର | 0.18 ଏକର | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ମହାମଣ୍ଡଳ ଅଧିକାରୀ ନଂ ୨, ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପ, ବହଳଦା, ବାରିପଦା, ମୟୂରଭଞ୍ଜଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ମୟୂରଭଞ୍ଜ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 ଦିନ ମଧ୍ୟରେ ମୟୂରଭଞ୍ଜ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## ଭୂମି ଅନୁସୂଚୀ

| ଖାତା ନଂ ଓ ସତ୍ୱ | ପ୍ଲଟ ନଂ | ମୋଟ ରକବା | ଆକ୍ୟୁଆର ରକବା | କିସମ | ପ୍ରଜାଙ୍କ ନାମ, ପିତାଙ୍କ ନାମ, ଜାତି ଓ ବାସସ୍ଥାନ | ମନ୍ତବ୍ୟ |
|---|---|---|---|---|---|---|
| (1) | (2) | (3) | (4) | (5) | (6) | (7) |
| 117 | 567 | 0.44 | 0.18 | ଶାରଦ ଅଣ ଜଳ ସେଚିତ ଏକ | ପ୍ରଦୀପ କୁମାର ପଣ୍ଡା, ପି. ସାରଦା ପ୍ରସାଦ ପଣ୍ଡା, ବା. ବାରିପଦା, ୱାର୍ଡ ନଂ 20, ଥା. ବରରିପଦା ସଦର, ଜା. ବ୍ରାହ୍ମଣ । | |
| ମୋଟ | 1 ପ୍ଲଟ | ଏ 0.44 ଡି. | ଏ 0.18 ଡି. | | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ
**ଅଭୟ କୁମାର ନାୟକ**
ଯୁଗ୍ମ ଶାସନ ସଚିବ

Printed and Published by the Director of Printing, Stationery and Publication, Odisha, Cuttack-10
Ex. Gaz 1508–173+20